# NIC Odisha conferred 3 awards in the 19th CSI SIG e-Governance Awards 2021 ceremony on 23rd April 2022 at MNNIT, Prayagraj.




'Award of Excellence' in State category was conferred on State of Odisha for 'Adoption of IT best practices' at the 19th CSI SIG eGovernance Awards 2021 ceremony held at MNNIT, Prayagraj. Mrs Kabita Roy Das, DDG & SIO, NIC, Odisha and state team from IT dept. received the award from Hon'ble Shri Justice Ajit Singh, Allahabad High Court and Prof R.S.Verma, Director, MNNIT, Prayagraj.




NIC, Odisha & Odisha Legislative Assembly bagged the 'Award of Excellence' for the nomination "Odisha Assembly : Journey towards Digital Transformation (Paperless Assembly)". Odisha Assembly is

the first state to roll out three legislative businesses as well as LoB etc on NeVA portal. Digitisation of records of the Assembly since 1937 has also been taken up. SIO & Mrs Sarita Sahoo, STD from NIC and Secretary, OLA received the award.




NIC Odisha received ‘Award of Appreciation’ for "Disaster Assistance Monitoring and Payment System (DAMPS)” of Odisha. DAMPS facilitates payment of ex-gratia to next of kin of persons losing their lives due to disasters in the shortest possible time. This paperless digital platform linking field level revenue officials at the lowest level to the Government could provide the disaster Assistance to the entitled citizens without any hassles. The platform integrates Crime and Criminal Tracking Networking System (CCTNS) police and IFMS of Finance Department to transfer the assistance directly to bank account of beneficiary on DBT mode. The project was launched in June 2020 and till date more than Rs. 200 crore has been disbursed to 5300 beneficiaries through DAMPS. Mrs Kabita Roy Das, DDG & SIO, Odisha & Shri Lalatendu Dash, STD from NIC received the award.

## Media Coverage

**CMO Odisha** @CMO_Odisha

Congratulations @EIT_Odisha on receiving the Award of Excellence under State Category at the 19th CSI SIG #eGovernance Awards 2021 in Prayagraj. #Odisha Govt is committed to transformation in access to services for the people using the #5T model. #OdishaLeads @MoSarkar5T

**E&IT Departme...** · 4d

In a major achievement for #Odisha, the Department has been conferred with Award of Excellence under State Category at 19th CSI...




# 'କାଗଜବିହୀନ ବିଧାନସଭା' ପ୍ରକଳ୍ପକୁ ପୁରସ୍କାର




ଭୁବନେଶ୍ୱର,୨୩/୪(ଇମିସ): ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ 'ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନ୍ (ପେପରଲେସ୍ ଆସେମ୍ବ୍ଲି)' (କାଗଜବିହୀନ ବିଧାନସଭା) ପ୍ରକଳ୍ପକୁ ସର୍ବଭାରତୀୟସ୍ତରରେ ସମ୍ମାନିତ କରାଯାଇଛି। ଆଜି ଉତ୍ତରପ୍ରଦେଶର ପ୍ରୟାଗରାଜସ୍ଥିତ ମୋତିଲାଲ ନେହରୁ ନାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍‌ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍ଆଇ ଏସ୍ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ-୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନିତ କରାଯାଇଛି।

ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛାବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନୀତ କରାଯାଇ ଏହା ଉପରେ ଆଲୋଚନା କରାଯାଇଥିଲା। ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥି ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରିଥିଲେ।

ଏହି କାର୍ଯ୍ୟକ୍ରମରେ ଶ୍ରୀ ଶତପଥୀଙ୍କ ସମେତ ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର), ଆରତି ମିଶ୍ର ପ୍ରମୁଖ ଯୋଗଦେଇ ଆହ୍ଲାବାଦ୍ ଉଚ୍ଚ ନ୍ୟାୟାଳୟର ବିଚାରପତି ଅଜିତ ସିଂହଙ୍କ ଠାରୁ ପୁରସ୍କାର ଗ୍ରହଣ କରିଥିଲେ। ଏହାପରେ ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ବର୍ଦ୍ଧିତ କରାଯାଇଥିଲା।




୫-ଟି ମଡେଲରେ ରାଜ୍ୟ ପ୍ରଶାସନରେ ସୂଚନା ପ୍ରଯୁକ୍ତିର ଅଭିଯାନକୁ ଜାତୀୟ ସ୍ୱୀକୃତି ସ୍ୱରୂପ କମ୍ପ୍ୟୁଟର ସୋସାଇଟି ଅଫ ଇଣ୍ଡିଆ (ସିଏସଆଇ) ପକ୍ଷରୁ ଆୱାର୍ଡ ଅଫ ଏକ୍ସିଲେନ୍ସ ପ୍ରଦାନ କରାଯାଇଛି । ଉତ୍ତରପ୍ରଦେଶର ପ୍ରୟାଗରାଜଠାରେ ଶନିବାର ଏହି ସିଏସଆଇ ଏସଆଇଜି ଇ-ଗଭର୍ଣ୍ଣାନ୍ସ ପୁରସ୍କାର ଓଡ଼ିଶା ଇଲେକ୍ଟ୍ରୋନିକ୍ସ ଏବଂ ଆଇଟି ବିଭାଗ ଗ୍ରହଣ କରିଛି ।

Machhakund police on August 7, HIM before the

# OLA awarded for digitalisation



**PNS** ■ BHUBANESWAR

The 19th CSI SIG e-Governance Awards ceremony 2021 was held at Prayagraj, UP by the Computer Society of India on April 23. Odisha Legislative Assembly (OLA) Secretary Dasarathi Satpathy discussed about the vibrant paperless e-Governance system of OLA.

Notably, the OLA had earlier bagged the coveted award of excellence instituted by the NIC for its "Journey towards digital transformation leading to paperless assembly".

Satpathy, OLA SIO Kabita Ray Das, Senior Technical Director Sarita Sahoo, Deputy Director, Library, Arati Mishra were felicitated by the chief guest and also by Allahabad High Court's Justice Ajit Singh. The chief guest was presented with an image of Lord Jagannath on behalf of OLA Speaker Surjya Narayan Patro. The dignitaries profusely praised the role of Patra and Satpathy in making the OLA works paperless setting an example for others to emulate.

ସମୟ

## ଓଡିଶା ସ୍ୱତନ୍ତ୍ର ରିଲିଫ୍ କମିଶନର ଜାତୀୟ ସ୍ତରରେ ପୁରସ୍କୃତ

# ବିପର୍ଯ୍ୟୟ ସହାୟତା ମନିଟରିଂ ଏବଂ ପେମେଣ୍ଟ ସିଷ୍ଟମ ପ୍ରକଳ୍ପକୁ ଜାତୀୟସ୍ତରରେ ସିଏସ୍ଆଇ-ଏସ୍ଆଇଜି ଇ-ଗଭର୍ଣାନ୍ସ ଆୱାର୍ଡ




ଭୁବନେଶ୍ୱର (ସବ୍ୟୁ): କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆର ୧୯ ତମ ସିଏସ୍ଆଇ-ଏସ୍ଆଇଜି ର ଗଭର୍ଣାନ୍ସ ଆୱାର୍ଡ ଉତ୍ସବ ଉତରପ୍ରଦେଶ ର ପ୍ରୟାଗରାଜ (ଆଲ୍ଲାହାବାଦ) ଠାରେ ଗତ ଏପ୍ରିଲ ୨୩ ତାରିଖରେ ଅନୁଷ୍ଠିତ ହୋଇଛି । ଏହି ଉତ୍ସବରେ ଓଡିଶା ର ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ଦ୍ୱାରା ପରିଚାଳିତ ପ୍ରକଳ୍ପ ଡିଜାଷ୍ଟର ଆସିଷ୍ଟାନ୍ସ ମନିଟରିଙ୍ଗ ଆଣ୍ଡ ପେମେଣ୍ଟ ସିଷ୍ଟମକୁ ଦେଶର ଅନ୍ୟତମ ଶ୍ରେଷ୍ଠ ପୁରସ୍କାର ଆୱାର୍ଡ ଅଫ୍ ଆପ୍ରେସିଏସନ ରେ ପୁରସ୍କୃତ କରାଯାଇଛି । ଏହି ପୁରସ୍କାର ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କୁ ଆଲ୍ଲାହାବାଦ ହାଇକୋର୍ଟ ର ବିଚାରପତି ପ୍ରଦାନ କରିଛନ୍ତି । ଏହି ପ୍ରକଳ୍ପ ଦ୍ୱାରା ରାଜ୍ୟ ସରକାର ପ୍ରାକୃତିକ ବିପର୍ଯ୍ୟୟରେ ମୃତ୍ୟୁ ବରଣ କରିଥିବା ବ୍ୟକ୍ତି, ହଜିଯାଇଥିବା ବ୍ୟକ୍ତି ଓ ଆଘାତ ପାଇଥିବା ବ୍ୟକ୍ତିଙ୍କ ପରିବାର ସଦସ୍ୟଙ୍କୁ ଅନଲାଇନ ମାଧ୍ୟମ ରେ ଖୁବ ସ୍ୱଳ୍ପ ସମୟ ଭିତରେ ପ୍ରଦାନ କରିବା ରେ ସଫଳ ହୋଇଛନ୍ତି । ସହାୟତା ରାଶି ସିଧାସଳଖ ଭାବେ ପୀଡିତଙ୍କ ସମ୍ପର୍କୀୟଙ୍କ ବ୍ୟାଙ୍କ ଆକାଉଣ୍ଟକୁ ଆଇଏଫ୍ଏମ୍ଏସ୍ ସହାୟତା ରେ ଟ୍ରାନ୍ସଫର କରାଯାଉଛି । ସ୍ୱତନ୍ତ୍ର ରିଲିଫ୍ କମିଶନର ପ୍ରଦୀପ କୁମାର ଜେନାଙ୍କ ତତ୍ତ୍ୱାବଧାନ ରେ ଆଧୁନିକ ବୈଷୟିକ ଜ୍ଞାନକୌଶଳରେ ନିର୍ମିତ ଏହି ପ୍ରକଳ୍ପ ଟି ଉଭୟ ସରକାର ଏବଂ ନାଗରିକଙ୍କ ପାଇଁ ଅତ୍ୟନ୍ତ ଉପକାରୀ ସାବ୍ୟସ୍ତ ହୋଇଛି । ଏହି ପୁରସ୍କାର ପାଇଁ ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ ତରଫରୁ ନବରଙ୍ଗପୁର ଜିଲ୍ଲାପାଳ କମଳ ଲୋଚନ ମିଶ୍ର, ଡେପୁଟି ରିଲିଫ୍ କମିଶନର ବିଶ୍ୱନାଥ ସାହୁ ଓ ଯୁଗ୍ମ ରିଲିଫ୍ କମିଶନର ପଦ୍ମନାଭ ବେହେରା ଏବଂ ଏନ୍ ଆଇ ସି ତରଫରୁ ଉପମହାନିର୍ଦ୍ଦେଶକ ଓ ରାଜ୍ୟ ସୂଚନା-ବିଜ୍ଞାନ ଅଧିକାରୀ ଶ୍ରୀମତୀ କବିତା ରାୟ ଦାସ, ବରିଷ୍ଠ ନିର୍ଦ୍ଦେଶକ ଲଲାଟେନ୍ଦୁ ଦାଶ, ଗ୍ରହଣ କରିଥିଲେ ।




# ଓଡ଼ିଶା ବିଧାନସଭାର ପ୍ରକଳ୍ପ ସର୍ବଭାରତୀୟ ସ୍ତରରେ ସମ୍ମାନିତ

**ଭୁବନେଶ୍ୱର, ୨୩।୪ : ଏକ୍ସପ୍ରେସ୍ ନ୍ୟୁଜ୍**

ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନିତ କରାଯାଇଛି । ଆଜି ଉତ୍ତରପ୍ରଦେଶର ପ୍ରୟାଗରାଜଠାରେ ମୋତିଲାଲ ନେହେରୁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍‌ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍ଆଇ ଏସ୍ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନିତ କରାଯାଇଛି । ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନିତ କରାଯାଇ ଏହା ଉପରେ ବକ୍ତାମାନଙ୍କ ତରଫରୁ ଆଲୋକପାତ କରାଯାଇଥିଲା । ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ । **(ଶେଷ ପୃଷ୍ଠା ଦେଖନ୍ତୁ)**

ଶରୀରୁ ନବାହାରିବାକୁ ପରାମର୍ଶ    ଜଳାଶ୍ରୟକ ତାଟରେ ଅଧିକୁ ପାଣିକୁ

# ଓଡ଼ିଶା ସ୍ୱତନ୍ତ୍ର ରିଲିଫ୍ ଆୟୁକ୍ତ ଜାତୀୟସ୍ତରରେ ପୁରସ୍କୃତ

ଭୁବନେଶ୍ୱର,୨୬।୪(ନି.ପ୍ର): ପ୍ରୟାଗରାଜଠାରେ ୨୩ ତାରିଖରେ ଆୟୋଜିତ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆର ୧୯ତମ ସିଏସ୍ଆଇ-ଏସ୍ଆଇଜିର ଗଭର୍ଣ୍ଣାନ୍ସ ଆୱାର୍ଡ ଉତ୍ସବରେ ଓଡ଼ିଶାର ସ୍ୱତନ୍ତ୍ର ରିଲିଫ୍ ଆୟୁକ୍ତଙ୍କ(ଏସଆରସି) ପ୍ରକଳ୍ପ ପୁରସ୍କୃତ ହୋଇଛି। ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ଦ୍ୱାରା ପରିଚାଳିତ ପ୍ରକଳ୍ପ 'ଡିଜାଷ୍ଟର ଅସିଷ୍ଟାନ୍ସ ମନିଟରିଂ ଆଣ୍ଡ ପେମେଣ୍ଟ ସିଷ୍ଟମ'କୁ ଦେଶର ଅନ୍ୟତମ ଶ୍ରେଷ୍ଠ ପୁରସ୍କାର 'ଆୱାର୍ଡ ଅଫ ଆପ୍ରେସିଏସନ'ରେ




ପୁରସ୍କୃତ କରାଯାଇଛି। ପ୍ରାକୃତିକ ବିପର୍ଯ୍ୟୟରେ ମୃତ, ନିଖୋଜ ଓ ଆହତଙ୍କ ପରିବାର ସଦସ୍ୟଙ୍କୁ ସଞ୍ଚାର ମାଧ୍ୟମରେ ଖୁବ ସ୍ୱଳ୍ପ ସମୟ ଭିତରେ ସହାୟତା ପ୍ରଦାନ କରିବାରେ ଏହି ପ୍ରକଳ୍ପ ସହାୟକ ହେଉଛି। ଏହାଦ୍ୱାରା ସହାୟତା ରାଶି ସିଧାସଳଖ ଭାବେ ପୀଡିତଙ୍କ ସମ୍ପର୍କୀୟଙ୍କ ବ୍ୟାଙ୍କ ଆକାଉଣ୍ଟକୁ ଆଇଏଫଏମଏସ ଟ୍ରାନ୍ସଫର କରାଯାଉଛି। ପୁରସ୍କାର ପାଇଁ ସ୍ୱତନ୍ତ୍ର ରିଲିଫ୍ ଆୟୁକ୍ତଙ୍କ ତରଫରୁ ନବରଙ୍ଗପୁର ଜିଲାପାଳ କମଳ ଲୋଚନ ମିଶ୍ର, ରିଲିଫ୍ ଉପାୟୁକ୍ତ ବିଶ୍ୱନାଥ ସାହୁ ଓ ଯୁଗ୍ମ ରିଲିଫ୍ ଆୟୁକ୍ତ ପଦ୍ମନାଭ ବେହେରା ଏବଂ ଏନ୍‌ଆଇସି ତରଫରୁ ଉପମହାନିର୍ଦ୍ଦେଶକ ଓ ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ନିର୍ଦ୍ଦେଶକ ଲଲାଟେନ୍ଦୁ ଦାଶ ଗ୍ରହଣ କରିଥିଲେ।




# ଓଡ଼ିଶା ବିଧାନସଭା ପକ୍ଷରୁ ପ୍ରସ୍ତୁତ ପ୍ରକଳ୍ପ ପୁରସ୍କୃତ

ଭୁବନେଶ୍ୱର (ସବ୍ୟୁ): ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର ରାଜ୍ୟ ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନୀତ କରାଯାଇଛି । ୟୁପି ପ୍ରୟାଗରାଜ ଠାରେ ଅନୁଷ୍ଠିତ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟ୍ ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍ଆଇ ଏସ୍ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନୀତ କରାଯାଇଛି । କର୍ମଶାଳାରେ ଓଡ଼ିଶା ବିଧାନସଭାର ସଚିବ ଦଶରଥି ଶତପଥୀ ଭାଗ ନେଇ ପେପରଲେସ୍ ଅଫିସ ଉପରେ ତଥ୍ୟ ଉପସ୍ଥାପନ କରିଥିଲେ ।

# ଓଡ଼ିଶା ବିଧାନସଭାର ଡିଜିଟାଲ୍ ପରିବର୍ତ୍ତନକୁ ପ୍ରଶଂସା




ଭୁବନେଶ୍ୱର,୨୩।୪(ଆ.ପ୍ର): ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର ଓଡ଼ିଶା ଶାଖା ପକ୍ଷରୁ ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ପୁରସ୍କୃତ କରାଯାଇଛି । ଉତ୍ତରପ୍ରଦେଶର ପ୍ରୟାଗରାଜର ମୋତିଲାଲ ନେହେରୁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ସମ୍ମାନରେ ସମ୍ମାନିତ କରାଯାଇଛି । କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ଆହ୍ଲାବାଦ୍ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧୀଶ ଅଜିତ ସିଂ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ ।

## ସର୍ବଭାରତୀୟସ୍ତରରେ ପ୍ରକଳ୍ପ ପୁରସ୍କୃତ

କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡିକୁ ମନୋନୀତ କରାଯାଇଥିଲା । ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ (କାଗଜବିହୀନ କାର୍ଯ୍ୟାଳୟ) ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ । ବାଚସ୍ପତି ଡ. ସୂର୍ଯ୍ୟନାରାୟଣ ପାତ୍ରଙ୍କ ବଳିଷ୍ଠ ନେତୃତ୍ୱ, ଦିଗ୍‌ଦର୍ଶନ ଓ ପ୍ରେରଣା ଏବଂ ବିଧାନସଭା ସଚିବ ଶ୍ରୀ ଶତପଥୀଙ୍କ ସମେତ କର୍ମଚାରୀମାନଙ୍କ ଅକ୍ଳାନ୍ତ ଉଦ୍ୟମ ବଳରେ ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ତରଫରୁ ଦିଆଯାଇଥିବା ପ୍ରକଳ୍ପ ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁ ୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନକୁ ପୁରସ୍କୃତ କରାଯାଇଥିଲା । ବାଚସ୍ପତିଙ୍କ ନିର୍ଦ୍ଦେଶରେ ବିଧାନସଭା ସଚିବ ଶ୍ରୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା ଆରତୀ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ । ଏହି ଅବସରରେ ବାଚସ୍ପତି ଡ. ପାତ୍ର କହିଛନ୍ତି ଯେ ଅକ୍ଳାନ୍ତ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ୍ ଓ ନଥିପତ୍ରକୁ ଡିଜିଟାଲାଇଜ୍ କରିବା ସହିତ ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା କର୍ମଚାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହିତ ଆଗାମୀ ଦିନରେ ବିଧାନସଭାରେ ଆହୁରି ଅନେକ ନୂତନତ୍ୱ ଅଣାଯିବ ବୋଲି କହିଛନ୍ତି । ବାଚସ୍ପତିଙ୍କ ବଳିଷ୍ଠ ନେତୃତ୍ୱ, ମାର୍ଗଦର୍ଶନ ଓ ପ୍ରତ୍ୟକ୍ଷ ପ୍ରେରଣା ଓ ସମସ୍ତଙ୍କ ମିଳିତ ଉଦ୍ୟମ ବଳରେ ଆଜି ଓଡ଼ିଶା ବିଧାନସଭାକୁ ସମ୍ପୂର୍ଣ୍ଣ ଡିଜିଟାଲାଇଜ୍ କରାଯିବା ସହ ସର୍ବଭାରତୀୟ ସ୍ୱୀକୃତି ମିଳିପାରିଛି ବୋଲି ସଚିବ ଶ୍ରୀ ଶତପଥୀ ପ୍ରକାଶ କରିଛନ୍ତି ।

## ଓଡ଼ିଶାକୁ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ପୁରସ୍କାର



ଭୁବନେଶ୍ୱର,୨୪।୪(ନି.ପ୍ର.): ପ୍ରୟାଗରାଜଠାରେ ଶନିବାର ଅନୁଷ୍ଠିତ ୧୯ତମ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ରେ ଉତ୍କର୍ଷତା ପାଇଁ ଓଡ଼ିଶା ରାଜ୍ୟ ଶ୍ରେଣୀରେ ପୁରସ୍କୃତ ହୋଇଛି । ସିଏସଆଇ ଏକ ସମ୍ମାନଜନକ ଓ ପୁରୁଣା ସଙ୍ଗଠନ ହୋଇଥିବାବେଳେ ଉପରୋକ୍ତ ପୁରସ୍କାର ରାଜ୍ୟର ସୂଚନା ଓ ପ୍ରଯୁକ୍ତି (ଆଇଟି) କ୍ଷେତ୍ରରେ ବଳିଷ୍ଠ ପଦକ୍ଷେପ ପାଇଁ ପ୍ରଦାନ କରାଯାଇଛି । ବିଶେଷକରି ରାଜ୍ୟର ୫-ଟି ମଡେଲ ଅଧୀନରେ ଆଇଟି କ୍ଷେତ୍ର ବିକଶିତ ହୋଇଛି ।

# ଓଡ଼ିଶା ବିଧାନସଭା ପ୍ରସ୍ତୁତ ପ୍ରକଳ୍ପ ସର୍ବଭାରତୀୟ ସ୍ତରରେ ସମ୍ମାନିତ




ଭୁବନେଶ୍ୱର, ୨୩।୪ (ସ୍ୱାଧିକାର ନ୍ୟୁଜ): ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନିତ କରାଯାଇଛି । ଆଜି ଉତରପ୍ରଦେଶର ପ୍ରୟାଗରାଜଠାରେ ମୋତିଲାଲ ନେହେରୁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍‌ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନିତ କରାଯାଇଛି ।

ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନୀତ କରାଯାଇ ଏହା ଉପରେ ବକ୍ତାମାନଙ୍କ ତରଫରୁ ଆଲୋକପାତ କରାଯାଇଥିଲା । ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ ।

ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର (ଏନ୍‌ଆଇସି), ଓଡ଼ିଶା ଶାଖା ତରଫରୁ ଦିଆଯାଇଥିବା ପ୍ରୋଜେକଟ 'ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନ୍ (ପେପରଲେସ୍ ଆସେମ୍ବ୍ଲି)'କୁ ପୁରସ୍କୃତ କରାଯାଇଥିଲା । ବାଚସ୍ପତିଙ୍କ ନିର୍ଦ୍ଦେଶରେ ବିଧାନସଭା ସଚିବ ଶ୍ରୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ ଶ୍ରୀମତୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ଶ୍ରୀମତୀ ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଶ୍ରୀମତୀ ଆରତୀ ମିଶ୍ର, ମୁଖ୍ୟ ଅତିଥି, ଆହ୍ଲାବାଦ୍ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧୀଶ ଅଜିତ ସିଂଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ । ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ବର୍ଦ୍ଧିତ କରାଯାଇଥିଲା ।

ଏହି ଅବସରରେ ବାଚସ୍ପତି ଡ. ସୂର୍ଯ୍ୟ ନାରାୟଣ ପାତ୍ର କହିଛନ୍ତି ଯେ ଅକ୍ଳାନ୍ତ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ୍ ଓ ନଥିପତ୍ରକୁ ଡିଜିଟାଲାଇଜ୍ କରିବା ସହିତ ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା କର୍ମଚାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହିତ ଆଗାମୀ ଦିନରେ ବିଧାନସଭାରେ ଅ ଅନେକ ନୂତନତ୍ୱ ଅଣାଯିବ ।

ବାଚସ୍ପତିଙ୍କ ବଳିଷ୍ଠ ନେତୃତ୍ୱ, ମାର୍ଗଦର୍ଶନ ଓ ପ୍ରତ୍ୟକ୍ଷ ପ୍ରେରଣା ଓ ସମସ୍ତଙ୍କ ମିଳିତ ଉଦ୍ୟମ ବଳରେ ଆଜି ଓଡ଼ିଶା ବିଧାନସଭାକୁ ସଂପୂର୍ଣ୍ଣ ଡିଜିଟାଲାଇଜ୍ କରାଯିବା ସହ ସର୍ବଭାରତୀୟ ସ୍ୱୀକୃତି ମିଳିପାରିଛି ବୋଲି ସଚିବ ଶ୍ରୀ ଶତପଥୀ ପ୍ରକାଶ କରିଛନ୍ତି ।

# ଓଡ଼ିଶା ବିଧାନସଭା ପ୍ରସ୍ତୁତ ପ୍ରକଳ୍ପ ସର୍ବଭାରତୀୟ ସ୍ତରରେ ସମ୍ମାନିତ




ଭୁବନେଶ୍ୱର(ଭାସ୍କର ନ୍ୟୁଜ୍): ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନିତ କରାଯାଇଛି । ଗୁରୁବାର ଉତ୍ତରପ୍ରଦେଶର ପ୍ରୟାଗରାଜଠାରେ ମୋତିଲାଲ ନେହେରୁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍‌ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନିତ କରାଯାଇଛି । ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନୀତ କରାଯାଇ ଏହା ଉପରେ ବକ୍ତାମାନଙ୍କ ତରଫରୁ ଆଲୋକପାତ କରାଯାଇଥିଲା । ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ ।

ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର (ଏନ୍‌ଆଇସି), ଓଡ଼ିଶା ଶାଖା ତରଫରୁ ଦିଆଯାଇଥିବା ପ୍ରୋଜେକଟ 'ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନ୍ (ପେପରଲେସ୍ ଆସେମ୍ବ୍ଲି)'କୁ ପୁରସ୍କୃତ କରାଯାଇଥିଲା । ବାଚସ୍ପତିଙ୍କ ନିର୍ଦ୍ଦେଶରେ ବିଧାନସଭା, ସଚିବ ଶ୍ରୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଆରତୀ ମିଶ୍ର, ମୁଖ୍ୟ ଅତିଥି, ଆହ୍ଲାବାଦ୍ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧୀଶ ଅଜିତ ସିଂଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ । ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି ଅବସରରେ ବାଚସ୍ପତି ଡ. ସୂର୍ଯ୍ୟ ନାରାୟଣ ପାତ୍ର କହିଛନ୍ତି ଯେ ଅକ୍ଳାନ୍ତ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ୍ ଓ ନଥିପତ୍ରକୁ ଡିଜିଟାଲାଇଜ୍ କରିବା ସହିତ ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା କର୍ମଚାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହିତ ଆଗାମୀ ଦିନରେ ବିଧାନସଭାରେ ଆହୁରି ଅନେକ ନୂତନତ୍ୱ ଅଣାଯିବ । ବାଚସ୍ପତିଙ୍କ ବଳିଷ୍ଠ ନେତୃତ୍ୱ, ମାର୍ଗଦର୍ଶନ ଓ ପ୍ରତ୍ୟକ୍ଷ ପ୍ରେରଣା ଓ ସମସ୍ତଙ୍କ ମିଳିତ ଉଦ୍ୟମ ବଳରେ ଆଜି ଓଡ଼ିଶା ବିଧାନସଭାକୁ ସଂପୂର୍ଣ୍ଣ ଡିଜିଟାଲାଇଜ୍ କରାଯିବା ସହ ସର୍ବଭାରତୀୟ ସ୍ୱୀକୃତି ମିଳିପାରିଛି ବୋଲି ସଚିବ ଶ୍ରୀ ଶତପଥୀ ପ୍ରକାଶ କରିଛନ୍ତି ।

# ଓଡ଼ିଶା ବିଧାନସଭାକୁ ଇ-ଗଭର୍ଣ୍ଣାନ୍ସ ଉତ୍କର୍ଷ ପୁରସ୍କାର

## ପେପରଲେସ୍ ବିଧାନସଭା ପ୍ରକଳ୍ପ ପାଇଁ ପୁରସ୍କୃତ




ଭୁବନେଶ୍ବର (ବ୍ୟୁରୋ): ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନିତ କରାଯାଇଛି । ଉତ୍ତରପ୍ରଦେଶର ପ୍ରୟାଗରାଜଠାରେ ମୋତିଲାଲ ନେହେରୁ ନ୍ୟାସନାଲ ଇନ୍ଷ୍ଟିଚ୍ୟୁଟ୍ ଅଫ୍ ଟେକ୍ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍ଆଇ ଏସ୍ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନିତ କରାଯାଇଛି ।

ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନୀତ କରାଯାଇ ଏହା ଉପରେ ବକ୍ତାମାନଙ୍କ ତରଫରୁ ଆଲୋକପାତ କରାଯାଇଥିଲା । ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ । ବାଚସ୍ପତି ସୂର୍ଯ୍ୟନାରାୟଣ ପାତ୍ରଙ୍କ ବଳିଷ୍ଠ ନେତୃତ୍ୱ, ଦିଗ୍‌ଦର୍ଶନ ଓ ପ୍ରେରଣା ଏବଂ ବିଧାନସଭା ସଚିବ ଶ୍ରୀ ଶତପଥୀଙ୍କ ସମେତ କର୍ମଚାରୀଙ୍କ ଅକ୍ଲାନ୍ତ ଉଦ୍ୟମ ବଳରେ ଓଡ଼ିଶାର ପ୍ରକଳ୍ପ 'ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନ୍ (ପେପରଲେସ୍ ଆସେମ୍ବ୍ଲି)'କୁ ପୁରସ୍କୃତ କରାଯାଇଥିଲା । ବାଚସ୍ପତିଙ୍କ ନିର୍ଦ୍ଦେଶରେ ବିଧାନସଭା ସଚିବ ଶ୍ରୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଆରତୀ ମିଶ୍ର ଆହ୍ଲାବାଦ୍ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧିଶ ଅଜିତ ସିଂଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ । ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ବର୍ଦ୍ଧିତ କରାଯାଇଥିଲା ।

# ଓଡ଼ିଶା ବିଧାନସଭା ପକ୍ଷରୁ ପ୍ରସ୍ତୁତ ପ୍ରକଳ୍ପ ସର୍ବଭାରତୀୟ ସ୍ତରରେ ସମ୍ମାନିତ

॥ ପ୍ରଭାନ୍ୟୁଜ ॥ ଭୁବନେଶ୍ୱର, ୨୩।୪: ଶନିବାର ଦିନ (୨୩/୪/୨୨) ଉତ୍ତର ପ୍ରଦେଶର ପ୍ରୟାଗରାଜ ଠାରେ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସଆଇ ଏସ୍ଆଇଜି ଇ-ଗଭର୍ଣ୍ଣାନସ୍ ଆୱାର୍ଡ ୨୦୨୧ ଏକ ବର୍ଣ୍ଣାଢ୍ୟ ପରିବେଶରେ ମୋତିଲାଲ ନେହରୁ ନ୍ୟାସନାଲ ଇନଷ୍ଟିଚ୍ୟୁଟ ଅଫ ଟେକ୍ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି ।



ଏହି ଏକ ଦିବସୀୟ କର୍ମଶାଳାରେ ଭାରତ ପକ୍ଷରୁ ବଛା ବଛା ଇ-ଗଭର୍ଣ୍ଣାନସ୍ ପ୍ରୋଜେକ୍ଟ ଗୁଡିକୁ ମନୋନୀତ କରାଯାଇ ଏହା ଉପରେ ବକ୍ତାମାନଙ୍କ ତରଫରୁ ଆଲୋକପାତ କରାଯାଇଥିଲା । ଏଥିରେ ଓଡ଼ିଶା ବିଧାନ ସଭାର ସଚିବ ଦାଶରଥି ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପର ଲେସ୍ ଅଫିସ ଉପରେ ସର୍ବଶେଷ ତଥ୍ୟ ପ୍ରଦାନ କରିଥିଲେ ।

ଅପରାହ୍ନ ଅଧିବେଶନରେ ସମସ୍ତ ପ୍ରୋଜେକ୍ଟଗୁଡିକ ବିଭିନ୍ନ ବର୍ଗରେ ମନୋନୀତ କରାଯାଇ ମେମେଣ୍ଟୋ ଓ ମାନପତ୍ର ଦିଆଯାଇ ପୁରସ୍କୃତ କରାଯାଇଥିଲା । ପ୍ରକାଶ ଥାଉ କି ମାନ୍ୟବର ବାଚସ୍ପତି ଡ. ସୂର୍ଯ୍ୟ ନାରାୟଣ ପାତ୍ରଙ୍କର ବଳିଷ୍ଠ ନେତୃତ୍ୱରେ ଓ ବିଧାନସଭା ସଚିବ ଦାଶରଥି ଶତପଥୀଙ୍କର ଅକ୍ଳାନ୍ତ ପ୍ରଚେଷ୍ଟା ବଳରେ ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର (ଏନଆଇସି), ଓଡ଼ିଶା ଶାଖା ତରଫରୁ ଦିଆଯାଇଥିବା ପ୍ରୋଜେକ୍ଟ ଓଡ଼ିଶା ଆସାମେଲି " ଜର୍ଣ୍ଣି ଟୁ ୱାର୍ଡ ଡିଜିଟାଲ ଟ୍ରାନ୍ସଫର୍ମେସନ୍ ପେପର ଲେସ୍ ଆସାମେଲି" ଆୱାର୍ଡ ଅଫ ଏକ୍ସିଲେନ୍ସରେ ପୁରସ୍କୃତ କରାଯାଇଥିଲା । ମାନ୍ୟବର ବାଚସ୍ପତିଙ୍କର ନିର୍ଦ୍ଦେଶରେ ବିଧାନସଭାର ସଚିବ ଦାଶରଥୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ (ଏସଆଇଓ) କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଆରତି ମିଶ୍ର, ମାନ୍ୟବର ମୁଖ୍ୟ ଅତିଥି ଆଲହାବାଦ୍ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧିଶ ଅଜିତ ସିଂଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ । ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ମାନିତ କରାଯାଇଥିଲା ।

ଏହି ଅବସରରେ ବାଚସ୍ପତି ଡ. ପାତ୍ର କହିଛନ୍ତି ଯେ, ଅକ୍ଳାନ୍ତ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ ଓ ନଥିପତ୍ରକୁ ଡିଜିଟାଲାଇଜ କରିବା ସହିତ ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା କର୍ମଚାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହିତ ଆଗାମୀ ଦିନରେ ବିଧାନସଭାରେ ଆହୁରି ଅନେକ ନୂତନତ୍ୱ ଅଣାଯିବ । ବାଚସ୍ପତିଙ୍କ ବଳିଷ୍ଠ ନେତୃତ୍ୱ, ମାର୍ଗଦର୍ଶନ ଓ ପ୍ରତ୍ୟକ୍ଷ ପ୍ରେରଣା ଏବଂ ସମସ୍ତଙ୍କ ମିଳିତ ଉଦ୍ୟମ ବଳରେ ଆଜି ଓଡ଼ିଶା ବିଧାନସଭାକୁ ସମ୍ପୂର୍ଣ୍ଣ ଡିଜିଟାଲାଇଜ କରାଯିବ ଯିବା ସହ ସର୍ବଭାରତୀୟ ସ୍ୱୀକୃତି ମିଳିପାରିଛି ବୋଲି ସଚିବ ଶ୍ରୀ ଶତପଥୀ ପ୍ରକାଶ କରିଛନ୍ତି ।

### ଓଡ଼ିଶା ବିଧାନସଭାକୁ ଆଉ ଏକ ସ୍ୱୀକୃତି

# ବିଧାନସଭା ପ୍ରକଳ୍ପକୁ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧

**ଭୁବନେଶ୍ୱର, ୨୩।୪ (ସମିସ)**

ଓଡ଼ିଶା ବିଧାନସଭାକୁ ଜାତୀୟ ସ୍ତରରେ ଆଉ ଏକ ସ୍ୱୀକୃତି ମିଳିଛି। ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନିତ କରାଯାଇଛି। ଶନିବାର ଉତ୍ତରପ୍ରଦେଶର ପ୍ରୟାଗରାଜଠାରେ ମୋତିଲାଲ ନେହେରୁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ପକ୍ଷରୁ ୧୯ତମ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ସମ୍ମାନରେ ସମ୍ମାନିତ କରାଯାଇଛି। ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନୀତ କରାଯାଇଥିଲା। ଏଥିରେ ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ।




ବିଧାନସଭା ସଚିବ ଶ୍ରୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଆରତୀ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ପ୍ରୟାଗରାଜ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧୀଶ ଅଜିତ ସିଂଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ। ଓଡ଼ିଶାର ପ୍ରକଳ୍ପ ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନ୍ (ପେପରଲେସ୍ ଆସେମ୍ବ୍ଲି)କୁ ପୁରସ୍କୃତ କରାଯାଇଥିଲା। ଏହି ଅବସରରେ ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ବର୍ଦ୍ଧିତ କରାଯାଇଥିଲା। ଏନେଇ ବାଚସ୍ପତି ଡ. ପାତ୍ର ଅକ୍ଳାନ୍ତ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ୍ ଓ ନଥିପତ୍ରକୁ ଡିଜିଟାଲାଇଜ୍ କରିବା ସହିତ ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା କର୍ମଚାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହିତ ଆଗାମୀ ଦିନରେ ବିଧାନସଭାରେ ଆହୁରି ଅନେକ ନୂତନତ୍ୱ ଅଣାଯିବ ବୋଲି ମତବ୍ୟକ୍ତ କରିଛନ୍ତି। ବାଚସ୍ପତିଙ୍କ ବଳିଷ୍ଠ ନେତୃତ୍ୱ, ମାର୍ଗଦର୍ଶନ ଓ ସମସ୍ତଙ୍କ ମିଳିତ ଉଦ୍ୟମ ବଳରେ ଆଜି ଓଡ଼ିଶା ବିଧାନସଭାକୁ ସମ୍ପୂର୍ଣ୍ଣ ଡିଜିଟାଲାଇଜ୍ କରାଯିବା ସହ ସର୍ବଭାରତୀୟ ସ୍ୱୀକୃତି ମିଳିପାରିଛି ବୋଲି ସଚିବ ଶ୍ରୀ ଶତପଥୀ ପ୍ରକାଶ କରିଛନ୍ତି।

## ଓଡ଼ିଶା ବିଧାନସଭାକୁ ଇ-ଗଭର୍ଣ୍ଣାନ୍ସ ଆୱାର୍ଡ

# ପେପରଲେସ୍ ଅଫିସ୍ ପ୍ରକଳ୍ପକୁ ଜାତୀୟସ୍ତରରେ ସ୍ୱୀକୃତି



ଭୁବନେଶ୍ୱର,୨୩।୪(ବ୍ୟୁରୋ): ଓଡ଼ିଶା ବିଧାନସଭାର ପେପରଲେସ୍ ପ୍ରକଳ୍ପ ଜାତୀୟସ୍ତରରେ ସ୍ୱୀକୃତି ପାଇଛି। ଉତ୍ତରପ୍ରଦେଶର ପ୍ରୟାଗରାଜରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ. ଓଡିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍ଆଇ ଏସ୍ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ୍-୨୦୨୧ ପୁରସ୍କାରରେ ସମ୍ମାନିତ କରାଯାଇଛି। ବିଧାନସଭାର ପେପରଲେସ୍ ଅଫିସ୍ ପ୍ରକଳ୍ପକୁ ଏହି ସମ୍ମାନ ମିଳିଛି।

କର୍ମଶାଳାରେ ଭାରତର ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପକୁ ମନୋନୀତ କରି ଏହା ଉପରେ ଆଲୋଚନା ହୋଇଥିଲା। ଓଡ଼ିଶା ବିଧାନସଭାର ସଚିବ ଦାଶରଥୀ ଶତପଥୀ ଉପସ୍ଥିତ ରହି ରାଜ୍ୟ ବିଧାନସଭାର ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ ଟ୍ରାନ୍ସଫର୍ମେସନ୍(ପେପରଲେସ୍ ଆସେମ୍ବ୍ଲି)ଉପରେ ବିସ୍ତୃତ ତଥ୍ୟ ଉପସ୍ଥାପନ କରିଥିଲେ। ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ରର ଓଡ଼ିଶା ଶାଖା ସହଯୋଗରେ ପ୍ରସ୍ତୁତ ଏହି ପ୍ରକଳ୍ପ ଉଚ୍ଚ ପ୍ରଶଂସିତ ହେବା ସହ ଜାତୀୟ ସ୍ତରରେ ସ୍ୱୀକୃତି ପାଇଛି।

ବାଚସ୍ପତିଙ୍କ ନିର୍ଦ୍ଦେଶରେ ବିଧାନସଭା ସଚିବଙ୍କ ସମେତ ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ସରିତା ସାହୁ, ବିଧାନସଭା ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଆରତୀ ମିଶ୍ର ପ୍ରମୁଖ କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ଆଲ୍ଲାହାବାଦ୍ ଉଚ୍ଚ ନ୍ୟାୟାଳୟର ମୁଖ୍ୟ ବିଚାରପତି ଅଜିତ ସିଂହ ଓଡ଼ିଶା ବିଧାନସଭାକୁ ପୁରସ୍କୃତ କରିଥିଲେ। ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥି ଶ୍ରୀ ସିଂହଙ୍କୁ ଜଗନ୍ନାଥଙ୍କ ପ୍ରତିମୂର୍ତ୍ତି ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା।

ଏହି ଅବସରରେ ବାଚସ୍ପତି ଡ. ପାତ୍ର କହିଛନ୍ତି, ବହୁ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ୍ ଓ ନଥିପତ୍ରକୁ ଡିଜିଟାଲାଇଜେସନ୍ କରାଯାଉଛି। ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା ସମସ୍ତ କର୍ମଚାରୀଙ୍କୁ ସେ ଅଭିନନ୍ଦନ ଜଣାଇଛନ୍ତି। ଆଗକୁ ବିଧାନସଭାର ଆହୁରି ଅନେକ ନୂଆ ପଦକ୍ଷେପ ନିଆଯିବ ବୋଲି ସେ କହିଛନ୍ତି।

# ଓଡ଼ିଶା ସ୍ୱତନ୍ତ୍ର ରିଲିଫ୍ କମିଶନର ଜାତୀୟସ୍ତରରେ ପୁରସ୍କୃତ




ଭୁବନେଶ୍ୱର: କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆର ୧୯ତମ ସିଏସ୍ଆଇ-ଏସ୍ଆଇଜିର ଗଭର୍ଣ୍ଣାନ୍ସ ଆୱାର୍ଡ଼ ଉତ୍ସବ ଉ□ରପ୍ରଦେଶର ଆହ୍ଲାବାଦ ଠାରେ ଗତ ଏପ୍ରିଲ ୨୩ ତାରିଖରେ ଅନୁଷ୍ଠିତ ହୋଇଛି। ଏହି ଉତ୍ସବରେ ଓଡ଼ିଶାର ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ (ଏସ୍ଆରସି) ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ଦ୍ୱାରା ପରିଚାଳିତ ପ୍ରକଳ୍ପ "ଡିଜାଷ୍ଟର ଆସିଷ୍ଟାନ୍ସ ମନିଟରିଂ ଆଣ୍ଡ ପେମେଟ ସିଷ୍ଟମ"ରେ ପୁରସ୍କୃତ କରାଯାଇଛି। ଏହି ପୁରସ୍କାର ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କୁ ଆହ୍ଲାବାଦ ହାଇକୋର୍ଟର ବିଚାରପତି ପ୍ରଦାନ କରିଛନ୍ତି। ଏହି ପ୍ରକଳ୍ପ ଦ୍ୱାରା ରାଜ୍ୟ ସରକାର ପ୍ରାକୃତିକ ବିପର୍ଯ୍ୟୟରେ ମୃତ୍ୟୁ ବରଣ କରିଥିବା ବ୍ୟକ୍ତି, ହଜିଯାଇଥିବା ବ୍ୟକ୍ତି ଓ ଆଘାତ ପାଇଥିବା ବ୍ୟକ୍ତିଙ୍କ ପରିବାର ସଦସ୍ୟଙ୍କ ଅନ୍‌ଲାଇନ ମାଧ୍ୟମରେ ଖୁବ୍ ସ୍ୱଳ୍ପ ସମୟ ଭିତରେ ପ୍ରଦାନ କରିବାରେ ସଫଳ ହୋଇଛନ୍ତି। ସହାୟତା ରାଶି ସିଧାସଳଖ ଭାବେ ପୀଡ଼ିତଙ୍କ ସମ୍ପର୍କୀୟଙ୍କ ବ୍ୟାଙ୍କ ଆକାଉ□କୁ ଆଇଏଫ୍ଏମ୍ଏସ ସହାୟତାରେ ଟ୍ରାନ୍ସଫର କରାଯାଉଛି। ସ୍ୱତନ୍ତ୍ର ରିଲିଫ୍ କମିଶନର ପ୍ରଦୀପ କୁମାର ଜେନାଙ୍କ ତତ୍ତ୍ୱାବଧାନରେ ଆଧୁନିକ ବୈଷୟିକ ଜ୍ଞାନକୌଶଳରେ ନିର୍ମିତ ଏହି ପ୍ରକଳ୍ପଟିକୁ ଉଭୟ ସରକାର ଏବଂ ନାଗରିକଙ୍କ ପାଇଁ ଅତ୍ୟନ୍ତ ଉପକାରୀ ସାବ୍ୟସ୍ତ ହୋଇଛି। ଏହି ପୁରସ୍କାର ପାଇଁ ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ ତରଫରୁ ନବରଙ୍ଗପୁର ଜିଲ୍ଲାପାଳ କମଳଲୋଚନ ମିଶ୍ର, ଡେପୁଟି ରିଲିଫ୍ କମିଶନର ବିଶ୍ୱନାଥ ସାହୁ ଓ ଯୁଗ୍ମ ରିଲିଫ କମିଶନର ପଦ୍ମନାଭ ବେହେରା ଏବଂ ଏନ୍ଆଇସି ତରଫରୁ ଉପ-ମହାନିର୍ଦ୍ଦେଶକ ଓ ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ କବିତା ରାୟ ଦାସ, ବରିଷ୍ଠ ନିର୍ଦ୍ଦେଶକ ଲଲାଟେନ୍ଦୁ ଦାଶ ଗ୍ରହଣ ଅଂଶ କରିଥିଲେ।

# ସଂପତି ଭାଗବଂଟାକୁ ନେଇ କକା ପୁତୁ

ନୀଳଗିରି(ନିପ୍ର): ସାମାନ୍ୟ ସଂପତି ମାପଚୁପକୁ ନେଇ କକା ପୁତୁରା ମଧ୍ୟରେ ପିଟାମରା ହୋଇ ଉଭୟ ପକ୍ଷ ଲହୁଲୁହାଣ ହୋଇଥିବା ବେଳେ ଉଭୟ ପକ୍ଷ ଥାନାରେ ଅଭିଯୋଗ କରିଥିବା ବେଳେ କକାର ମୁଣ୍ଡରେ ଗଭୀର ଆଘାତ ଲାଗିଥିବାରୁ ପୋଲିସ ପ୍ରଥମେ ନୀଳଗିରି ମେଡିକାଲ ପରେ ବାଲେଶ୍ୱର ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିବା ବେଳେ ଏପଟେ ପୁତୁରା ଓ ଭାଇକୁ ଗିରଫ କରି ପୋଲିସ କୋର୍ଟ ଚାଲାଣ କରିଛନ୍ତି। ପ୍ରାପ୍ତ ସୂଚନା ଅନୁସାରେ ବାଉଁଶବଣିଆ ଗ୍ରାମର ବେଣୁଧର ବେହେରା ଓ ତାଙ୍କ ସାନଭାଇ ଗଦାଧର ବେହେରା ମିଶି ନୀଳଗିରି ବସ୍‌ଷ୍ଟାଣ୍ଡ ନିକଟରେ ଜାଗା କିଣିଥିଲେ। ସମୟକ୍ରମେ ସାନଭାଇ ଗଦାଧର ବେହେରା ନିଜ ଅଂଶରେ ଏକ ପକ୍କା ଘର ନିର୍ମାଣ କରି ରହି ଆସୁଥିଲେ। ମାତ୍ରଜାଗାର କମବେଶି ନେଇ ଉଭୟ ଭାଇଙ୍କ ମଧ୍ୟରେ ବର୍ଷ ବର୍ଷ ଧରି ପାଟିତୁଣ୍ଡ ଲାଗି ରହିଥିବା ବେଳେ କୋର୍ଟରେ ମଧ୍ୟ ଆଶ୍ରୟ ନେଇଛନ୍ତି। ୪-୫ ଦିନ ପୂର୍ବରୁ ସାନଭାଇ ବାଡ଼ ଘେରୁଥିବା ବେଳେ ବଡ଼ ଭାଇ ବେଣୁଧର, ପୁଅ ରାଜେଶ, ପ୍ରତିବାଦ କରିବାରୁ ଉଭୟଙ୍କ ମଧ୍ୟରେ ପାଟିତୁଣ୍ଡ ହୋଇ ଥାନାରେ ପହଂଚିଥିଲେ। ଶେଷରେ ଉଭୟପକ୍ଷ ପୃଥକ

nandini news IN

RNI REGD

Vol-7, Issue-12, Sunday, 24 April, 2022, Paradip, Page-

# ବିଧାନସଭା ପ୍ରକଳ୍ପ ଜାତୀୟ ସ୍ତରରେ ସମ୍ମାନିତ

ଭୁବନେଶ୍ୱର, ୨୩/୪ : ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଓଡ଼ିଶା ଶାଖା ଦ୍ୱାରା ପ୍ରସ୍ତୁତ ପ୍ରକଳ୍ପକୁ ସର୍ବଭାରତୀୟ ସ୍ତରରେ ସମ୍ମାନିତ କରାଯାଇଛି ଯ ଆଜି ଉତ୍ତରପ୍ରଦେଶର ପ୍ରୟାଗରାଜ ଠାରେ ମୋତିଲାଲ ନେହେରୁ ନ୍ୟାସନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଟେକ୍ନୋଲୋଜିର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ସର୍ବଭାରତୀୟ କର୍ମଶାଳାରେ ଓଡ଼ିଶା ବିଧାନସଭାକୁ କମ୍ପ୍ୟୁଟର ସୋସାଇଟି ଅଫ୍ ଇଣ୍ଡିଆ ତରଫରୁ ୧୯ତମ ସିଏସ୍‌ଆଇ ଏସ୍‌ଆଇଜି ଇ-ଗଭର୍ଣ୍ଣାନ୍ସ ଆୱାର୍ଡସ ୨୦୨୧ ଉତ୍କର୍ଷ ପୁରସ୍କାରରେ ସମ୍ମାନିତ କରାଯାଇଛି । ଏହି ଏକଦିବସୀୟ କର୍ମଶାଳାରେ ଭାରତରୁ ବଛା ବଛା ଇ-ଗଭର୍ଣ୍ଣାନ୍ସ ପ୍ରକଳ୍ପଗୁଡ଼ିକୁ ମନୋନୀତ କରାଯାଇ ଏହା ଉପରେ ବକ୍ତାମାନଙ୍କ ତରଫରୁ ଆଲୋକପାତ କରାଯାଇଥିଲା ଯ ଏଥିରେ ଓଡ଼ିଶା ବିଧାନସଭାର ସଚିବ ଶ୍ରୀ ଦାଶରଥୀ ଶତପଥୀ ଭାଗନେଇ ଓଡ଼ିଶା ବିଧାନସଭାର ପେପରଲେସ୍ ଅଫିସ୍ ଉପରେ ସବିଶେଷ ତଥ୍ୟ ଉପସ୍ଥାପନ କରି ଉଚ୍ଚ ପ୍ରଶଂସିତ ହୋଇଥିଲେ । ବାଚସ୍ପତି ଡଃ ସୂର୍ଯ୍ୟନାରାୟଣ ପାତ୍ରଙ୍କ ବଳିଷ୍ଠ ନେତୃତ୍ୱ, ଦିଗ୍‌ଦର୍ଶନ ଓ ପ୍ରେରଣା ଏବଂ ବିଧାନସଭା ସଚିବ ଶ୍ରୀ ଶତପଥୀଙ୍କ ସମେତ କର୍ମଚାରୀମାନଙ୍କ ଅକ୍ଲାନ୍ତ ଉଦ୍ୟମ ବଳରେ ଓଡ଼ିଶା ବିଧାନସଭା ଓ ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର



(ଏନ୍‌ଆଇସି), ଓଡ଼ିଶା ଶାଖା ତରଫରୁ ଦିଆଯାଇଥିବା ପ୍ରୋଜେକ୍ଟ 'ଓଡ଼ିଶା ଆସେମ୍ବ୍ଲି ଜର୍ଣ୍ଣି ଟୁୱାର୍ଡସ୍ ଡିଜିଟାଲ୍ ଟ୍ରାନ୍ସଫର୍ମେସନ୍ (ପେପରଲେସ୍ ଆସେମ୍ବ୍ଲି)'କୁ ପୁରସ୍କୃତ କରାଯାଇଥିଲା । ମାନ୍ୟବର ବାଚସ୍ପତିଙ୍କ ନିର୍ଦ୍ଦେଶରେ ବିଧାନସଭା ସଚିବ ଶ୍ରୀ ଶତପଥୀ, ରାଜ୍ୟ ସୂଚନା ବିଜ୍ଞାନ ଅଧିକାରୀ ଶ୍ରୀମତୀ କବିତା ରାୟ ଦାସ, ବରିଷ୍ଠ ବୈଷୟିକ ନିର୍ଦ୍ଦେଶିକା ଶ୍ରୀମତୀ ସରିତା ସାହୁ, ବିଧାନସଭାର ଉପନିର୍ଦ୍ଦେଶିକା (ଗ୍ରନ୍ଥାଗାର) ଶ୍ରୀମତୀ ଆରତୀ ମିଶ୍ର, ମାନ୍ୟବର ମୁଖ୍ୟ ଅତିଥି, ଆହ୍ଲାବାଦ୍ ଉଚ୍ଚ ନ୍ୟାୟାଳୟର ନ୍ୟାୟାଧୀଶ ଶ୍ରୀ ଅଜିତ ସିଂଙ୍କ ଦ୍ୱାରା ପୁରସ୍କୃତ ହୋଇଥିଲେ । ଓଡ଼ିଶା ବିଧାନସଭା ବାଚସ୍ପତିଙ୍କ ସୌଜନ୍ୟରୁ ମୁଖ୍ୟ ଅତିଥିଙ୍କୁ ଜଗନ୍ନାଥଙ୍କର ଏକ ପ୍ରତିମୂର୍ତ୍ତି ଦିଆଯାଇ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି ଅବସରରେ ବାଚସ୍ପତି ଡ. ପାତ୍ର କହିଛନ୍ତି ଯେ ଅକ୍ଲାନ୍ତ ପରିଶ୍ରମ କରି ଓଡ଼ିଶା ବିଧାନସଭାର ସମସ୍ତ ବିବରଣୀ, ଦସ୍ତାବିଜ୍ ଓ ନଥିପତ୍ରକୁ ଡିଜିଟାଲାଇଜ୍ କରିବା ସହିତ ଏହି କଷ୍ଟଲବ୍ଧ ପ୍ରକଳ୍ପକୁ ପ୍ରସ୍ତୁତ କରିଥିବା କର୍ମଚାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହିତ ଆଗାମୀ ଦିନରେ ବିଧାନସଭାରେ ଆହୁରି ଅନେକ ନୂତନତ୍ୱ ଅଣାଯିବ । ବାଚସ୍ପତିଙ୍କ ବଳିଷ୍ଠ ନେତୃତ୍ୱ, ମାର୍ଗଦର୍ଶନ ଓ ପ୍ରତ୍ୟକ୍ଷ ପ୍ରେରଣା ଓ ସମସ୍ତଙ୍କ ମିଳିତ ଉଦ୍ୟମ ବଳରେ ଆଜି ଓଡ଼ିଶା ବିଧାନସଭାକୁ ସଂପୂର୍ଣ୍ଣ ଡିଜିଟାଲାଇଜ୍ କରାଯିବା ସହ ସର୍ବଭାରତୀୟ ସ୍ୱୀକୃତି ମିଳିପାରିଛି ବୋଲି ସଚିବ ଶ୍ରୀ ଶତପଥୀ ପ୍ରକାଶ କରିଛନ୍ତି ।